# ଆଜି ଅନୁଗୋଳ ଜିଲ୍ଲାରୁ ୧୧ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୨୪୪ ରେ ପହଞ୍ଚିଲା - ସୁସ୍ଥ ହେଲେ ୦୮ ଜଣ ।

ଅନୁଗୋଳ ୨୮.୧ :- ଆଜି ଅନୁଗୋଳ ଜିଲ୍ଲାରେ ୧୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୩୪ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଁଅରପାଳ ବ୍ଲକ୍ ଅଂଚଳରୁ ୩ଜଣ (୩ ଜଣ ପୁରୁଷ), ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୩ଜଣ ପୁରୁଷ), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ ଜଣ ( ୨ଜଣ ପୁରୁଷ) ଓ ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା) ଅଛନ୍ତି । ଆଜି କଣିହାଁ ବ୍ଲକ, ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବ୍ଲକ, କିଶୋରନଗର ବ୍ଲକ, ପାଲଲହଡା ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ପ୍ରଭୃତି ୬ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୦୮ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୪ ତା.୨୮.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ